ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୮୧୬ ଜଣ କରୋନା ପଜିଟିଭ ଚିହ୍ନଟ

## ପଜିଟିଭ ସଂଖ୍ୟା ୨୭୭୬୨ରେ ପହଞ୍ଚିଲା - ସୁସ୍ଥ ହେଲେ ୫୦୮ ଜଣ ।

ଅନୁଗୋଳ, ତା.୨୧.୦୫:- ଆଜି ଅନୁଗୋଳ ଜିଲ୍ଲାରେ ୮୧୬ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୭୫ଜଣ( ୯୨ଜଣ ପୁରୁଷ ଓ ୮୩ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୦୩ଜଣ(୫୯ ଜଣ ପୁରୁଷ ଓ ୪୪ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୯୬ଜଣ ( ୫୬ଜଣ ପୁରୁଷ ଓ ୪୦ଜଣ ମହିଳା), ବଣ୍ଟରପାଳ ବ୍ଲକ୍ ଅଂଚଳରୁ ୯୫ଜଣ ( ୬୪ଜଣ ପୁରୁଷ ଓ ୩୧ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୭୯ଜଣ ( ୫୬ଜଣ ପୁରୁଷ ଓ ୨୩ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୭୯ଜଣ ( ୫୬ଜଣ ପୁରୁଷ ଓ ୨୩ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୫୬ଜଣ (୩୧ଜଣ ପୁରୁଷ ଓ ୨୫ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୫୪ଜଣ ( ୨୦ଜଣ ପୁରୁଷ ଓ ୩୪ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୪୪ଜଣ ( ୨୭ଜଣ ପୁରୁଷ ଓ ୧୭ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୨୫ଜଣ (୧୮ ଜଣ ପୁରୁଷ ଓ ୭ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧୦ଜଣ (୭ ଜଣ ପୁରୁଷ ଓ ୩ଜଣ ମହିଳା) ଅଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୩୪ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୮୮୭ ରେ ପହଂଚିଛି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୧୧୮ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୫୦୮ ଜଣ ସୁସ୍ଥ ହୋଇଛନ୍ତି ।